# ଆଜି ଅନୁଗୋଳ ଜିଲ୍ଲାରୁ ୧୧୬ ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୮୭୧୯ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୧୦ ଜଣ ।

ଅନୁଗୋଳ, ତା,୨୯.୧୦:- ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ୧୧୬ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୩ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୧୪୧ ରେ ପହଂଚିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଣ୍ଡଁରପାଳ ବ୍ଲକ୍ ଅଂଚଳରୁ ୪୩ଜଣ (୩୨ ଜଣ ପୁରୁଷ ଓ ୧୧ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୫ଜଣ (୧୧ ଜଣ ପୁରୁଷ ଓ ୪ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୩ଜଣ(୧୧ ଜଣ ପୁରୁଷ ଓ ୨ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୨ଜଣ( ୯ଜଣ ପୁରୁଷ ଓ ୩ ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୯ଜଣ ( ୭ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୯ଜଣ (୭ ଜଣ ପୁରୁଷ ଓ ୨ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୫ଜଣ ( ୩ଜଣ ପୁରୁଷ ଓ ୨ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୪ଜଣ (୩ ଜଣ ପୁରୁଷ ଓ ୧ଜଣ ମହିଳା), ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୩ଜଣ ( ୧ଜଣ ପୁରୁଷ ଓ ୨ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା) ଓ ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୧୦ ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୬ଜଣ କୋଭିଡ ହସପିଟାଲରୁ , ୧ ଜଣ କୋଭିଡ କେୟାର ସେଣ୍ଟରରୁ ଓ ୧୦୩ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୭୦୮ ତା.୨୯.୧୦.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

୨୯/୧୦/୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ